# REGIONAL NEWS UNIT, AIR CUTTACK

## Evening Bulletin (6.45 PM)

**23th May – 2025**

**News Editor : Tapan Kumar Moharana**

***********************************

## ମୁଖ୍ୟ ସମ୍ବାଦ

- ଢେଙ୍କାନାଳ ଜିଲ୍ଲା କାମାକ୍ଷାନଗରରେ କେନ୍ଦ୍ରୀୟ ବିଦ୍ୟାଳୟ ସମେତ ୧୩୩ କୋଟିରୁ ଊର୍ଦ୍ଧ୍ୱ ଟଙ୍କାର ବିଭିନ୍ନ ପ୍ରକଳ୍ପର ଲୋକାର୍ପଣ ଓ ଶିଳାନ୍ୟାସ କଲେ କେନ୍ଦ୍ରମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ
- ଭୁବନେଶ୍ୱରସ୍ଥିତ ଲୋକସେବା ଭବନରେ ମୁଖ୍ୟମନ୍ତ୍ରୀଙ୍କ ଅଧ୍ୟକ୍ଷତାରେ ଗୋବର୍ଦ୍ଧନ ପୀଠର ସଂରକ୍ଷଣ ଓ ବିକାଶ ସମ୍ପର୍କିତ ବୈଠକ ଅନୁଷ୍ଠିତ
- କଇଁଛ ମାନଙ୍କର ସୁରକ୍ଷା ଦିଗରେ ଲୋକମାନଙ୍କୁ ସଚେତନ କରାଇବା ନେଇ ଆଜି ପାଳନ କରାଯାଉଛି ବିଶ୍ୱ କଇଁଛ ଦିବସ

ଏବଂ

- ପଶ୍ଚିମ କେନ୍ଦ୍ରୀୟ ଏବଂ ପାର୍ଶ୍ୱବର୍ତ୍ତୀ ଉତ୍ତର ବଙ୍ଗୋପସାଗରରେ ଏକ ଲଘୁଚାପ କ୍ଷେତ୍ର ସୃଷ୍ଟି ହେବା ନେଇ ପାଣିପାଗ ବିଭାଗର ପୂର୍ବାନୁମାନ

## କେନ୍ଦ୍ରୀୟ ବିଦ୍ୟାଳୟ ଉଦ୍‌ଘାଟନ

**ଢେଙ୍କାନାଳ** ଜିଲ୍ଲା କାମାକ୍ଷାନଗରରେ କେନ୍ଦ୍ରଶିକ୍ଷାମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ କେନ୍ଦ୍ରୀୟ ବିଦ୍ୟାଳୟ ସମେତ ୧୩୩ କୋଟିରୁ ଊର୍ଦ୍ଧ୍ୱ ଟଙ୍କାର ବିଭିନ୍ନ ପ୍ରକଳ୍ପର ଲୋକାର୍ପଣ ଓ ଶିଳାନ୍ୟାସ କରିଛନ୍ତି। କେନ୍ଦ୍ର ଓ ରାଜ୍ୟ ସରକାରଙ୍କ ମିଳିତ ଉଦ୍ୟମରେ ଆଜି ଉଦ୍‌ଘାଟିତ ହୋଇଥିବା ଏହି ପ୍ରକଳ୍ପଗୁଡ଼ିକ ଜିଲ୍ଲାର ବିକାଶ ଦିଗରେ ସହାୟକ ହେବ ବୋଲି ଶ୍ରୀ ପ୍ରଧାନ କହିଛନ୍ତି।

**-V/O-***(Dharmendra Pradhan)*

ଜନ୍ତାରୀବୋଲ ଗ୍ରାମରେ କେନ୍ଦ୍ରଶିକ୍ଷାମନ୍ତ୍ରୀଙ୍କ ଦ୍ୱାରା ଏକ ନୂତନ କେନ୍ଦ୍ରୀୟ ବିଦ୍ୟାଳୟର ଭିତ୍ତିପ୍ରସ୍ତର ସ୍ଥାପନ କରାଯାଇଛି। ତେବେ ସେଠାରେ ୩ ବର୍ଷ ପାଇଁ ଅସ୍ଥାୟୀ ବିଦ୍ୟାଳୟର ଉଦ୍‌ଘାଟନ କରାଯାଇଛି। ଏଥିସହିତ କାମାକ୍ଷାନଗର ଉପଖଣ୍ଡରେ ୯୩ କୋଟି ଟଙ୍କା ବ୍ୟୟରେ ୨୨ଟି ବିଭିନ୍ନ ଉନ୍ନୟନମୂଳକ କାର୍ଯ୍ୟର କେନ୍ଦ୍ରମନ୍ତ୍ରୀ ଶ୍ରୀ ପ୍ରଧାନ ଭିତ୍ତିପ୍ରସ୍ତର ସ୍ଥାପନ କରିଛନ୍ତି। ୫୩ ନମ୍ବର ଜାତୀୟ ରାଜପଥର ବାଇସିଙ୍ଗା ଗ୍ରାମଠାରେ ୧୦ କୋଟି ୬୫ ଲକ୍ଷ ଟଙ୍କା ବ୍ୟୟରେ ନିର୍ମିତ ବାଇପାସ୍‌ର ମଧ୍ୟ ମନ୍ତ୍ରୀ ଉଦ୍‌ଘାଟନ କରିଛନ୍ତି। ଅପରେସନ୍ ସିନ୍ଦୂରର ସଫଳତାକୁ ନେଇ ତାଳଚେରରେ ଆୟୋଜିତ ପରାକ୍ରମ ଶୋଭାଯାତ୍ରାରେ କେନ୍ଦ୍ରମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ ଯୋଗ ଦେଇଛନ୍ତି।

## ମୁଖ୍ୟମନ୍ତ୍ରୀ

ଭୁବନେଶ୍ୱରସ୍ଥିତ ଲୋକସେବା ଭବନ ସମ୍ମିଳନୀକକ୍ଷରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀଙ୍କ ଅଧ୍ୟକ୍ଷତାରେ ପୁରୀ ବାଲିସାହିସ୍ଥିତ ଶଙ୍କରାଚାର୍ଯ୍ୟଙ୍କ ଗୋବର୍ଦ୍ଧନ ପୀଠର ସଂରକ୍ଷଣ ଓ ବିକାଶ ସମ୍ପର୍କିତ ବୈଠକ ଅନୁଷ୍ଠିତ

ହୋଇଯାଇଛି। ବୈଠକରେ ଜଗଦ୍‌ଗୁରୁଙ୍କ ସୁରକ୍ଷା ବ୍ୟବସ୍ଥାକୁ ଆହୁରି ସୁଦୃଢ଼ କରାଯିବ ବୋଲି ମୁଖ୍ୟମନ୍ତ୍ରୀ ଗୁରୁତ୍ୱାରୋପ କରିଥିଲେ। ମଠର ପାରିପାର୍ଶ୍ୱିକ ବିକାଶ ସମ୍ପର୍କରେ ଏକ ରିପୋର୍ଟ ପ୍ରସ୍ତୁତ କରିବା ପାଇଁ ମୁଖ୍ୟମନ୍ତ୍ରୀ ଶ୍ରୀ ମାଝୀ ପୁରୀ ଜିଲ୍ଲାପାଳଙ୍କୁ ନିର୍ଦ୍ଦେଶ ଦେଇଛନ୍ତି। ବୈଠକରେ ପୂର୍ତ୍ତ ଅବକାରୀ ଓ ଆଇନ୍‌ମନ୍ତ୍ରୀ ପୃଥ୍ୱୀରାଜ ହରିଚନ୍ଦନ, ସାଂସଦ ସମ୍ବିତ୍ ପାତ୍ର ଓ ଗୋବର୍ଦ୍ଧନ ପୀଠର ପ୍ରତିନିଧିମାନେ ଉପସ୍ଥିତ ଥିଲେ।

## ମତଦାନ ପ୍ରକ୍ରିୟା

ମତଦାନ ପ୍ରକ୍ରିୟାକୁ ଅଧିକ ସୁଗମ, ସଠିକ୍ ଓ ସୁବ୍ୟବସ୍ଥିତ କରିବା ପାଇଁ ଭାରତ ନିର୍ବାଚନ ଆୟୋଗ ପକ୍ଷରୁ ଘୋଷଣା କରାଯାଇଛି। ମତଦାନ କେନ୍ଦ୍ରରେ ସର୍ବାଧିକ ଭୋଟର ସଂଖ୍ୟାକୁ ୧୫ ଶହରୁ ୧୨ ଶହକୁ ହ୍ରାସ କରାଯିବ। ଏହାଦ୍ୱାରା କେନ୍ଦ୍ରରେ ଭିଡ ଓ ମତଦାନ ପାଇଁ ଅପେକ୍ଷା ସମୟକୁ ଉଲ୍ଲେଖନୀୟ ଭାବେ ହ୍ରାସ କରାଯାଇପାରିବ ବୋଲି ଆଶା କରାଯାଉଛି। ଏହା ବ୍ୟତୀତ ସହରାଞ୍ଚଳ ଜନବସତିର ବୃଦ୍ଧିକୁ ଚିହ୍ନଟ କରି ବହୁତଳ ବିଶିଷ୍ଟ ଆବାସିକ ସମାଜ ଏବଂ କଲୋନୀଗୁଡ଼ିକରେ ଅତିରିକ୍ତ ମତଦାନ କେନ୍ଦ୍ରର ସ୍ଥାପନ ପାଇଁ ଲକ୍ଷ୍ୟ ରଖାଯାଇଛି। ଭୋଟର ତାଲିକାକୁ ତ୍ରୁଟିଶୂନ୍ୟ କରିବା ପାଇଁ ମଧ୍ୟ  ନିର୍ବାଚନ ଆୟୋଗ କେତେକ ପଦକ୍ଷେପ ନେଉଛନ୍ତି। ଯାହାଦ୍ୱାରା ଅଧିକ ଦକ୍ଷତାର ସହ ଭୋଟର ତାଲିକର ସଠିକତାକୁ ସୁନିଶ୍ଚିତ କରାଯାଇପାରିବ।

## ଭିନ୍ନକ୍ଷମ ଭତ୍ତା-ପ୍ରଭାତୀ ପରିଡା

ଉପମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡା ଆଜି ପୁରୀ ଜିଲ୍ଲା ନିମାପଡା ଓ ଗୋପ ଗସ୍ତରେ ଯାଇ ବିଭିନ୍ନ କାର୍ଯ୍ୟକ୍ରମରେ ଯୋଗଦେଇଛନ୍ତି।  ଗୋପ ବ୍ଲକ୍‌ର ବିଭିନ୍ନ ପଞ୍ଚାୟତର ୩୩୯ ଜଣ ହିତାଧିକାରୀଙ୍କ ସମେତ ୮୦ ବର୍ଷରୁ ଊର୍ଦ୍ଧ୍ୱ

୭୦୫ ଜଣ ଭିନ୍ନକ୍ଷମଙ୍କୁ ଶ୍ରୀମତୀ ପରିଡା ଭତ୍ତା ବଣ୍ଟନ କରିଛନ୍ତି। ଶ୍ରୀମତୀ ପରିଡା ଏରବଙ୍ଗ ପଂଚାୟତରେ ୪ଟି ଅଙ୍ଗନୱାଡ଼ି କେନ୍ଦ୍ରର ଭିତ୍ତିପ୍ରସ୍ତର ସ୍ଥାପନ କରିଛନ୍ତି। ଗୋପ କଲେଜ୍‌ଠାରୁ ବଳରାମଗାଦୀ ଭାୟା ବେଗୁନିଆ ବିଦ୍ୟାଳୟ ଓ ନାୟକସାହି ବାଲିକନ୍ଦଳ ରାସ୍ତା ନିର୍ମାଣ ପାଇଁ ୩ କୋଟି ୩୩ ଲକ୍ଷ ଟଙ୍କାର ନିର୍ମାଣ କାର୍ଯ୍ୟର ଶ୍ରୀମତୀ ପରିଡା ଭିତ୍ତିପ୍ରସ୍ତର ସ୍ଥାପନ କରିଛନ୍ତି।

## ଭାଷା ସମ୍ମିଳନୀ

ଓଡ଼ିଶା ସରକାରଙ୍କ ଓଡ଼ିଆ ଭାଷା, ସାହିତ୍ୟ ଓ ସଂସ୍କୃତି ବିଭାଗ, ଉତ୍କଳ ବିଶ୍ୱବିଦ୍ୟାଳୟ, ଇନ୍‌ଷ୍ଟିଚ୍ୟୁଟ୍ ଅଫ୍ ମିଡିଆ ଷ୍ଟଡିଜ୍ ଏବଂ ଭାରତ ସରକାରଙ୍କ ମିଳିତ ଆନୁକୂଲ୍ୟରେ ଭୁବନେଶ୍ୱରରେ ଆସନ୍ତାକାଲି ଏକ ଆନ୍ତର୍ଜାତିକ ସମ୍ମିଳନୀର ଆୟୋଜନ କରାଯିବ। ଦକ୍ଷିଣପୂର୍ବ ଏସିଆର ରାଷ୍ଟ୍ରମାନଙ୍କ ମଧ୍ୟରେ ରହିଥିବା ସାମାଜିକ, ସାହିତ୍ୟିକ, ସାଂସ୍କୃତିକ ଓ  ସଭ୍ୟତାଗତ ସାମଞ୍ଜସ୍ୟକୁ ନେଇ ଆସନ୍ତାକାଲିଠାରୁ ଦୁଇଦିନ ଧରି ଏହି ଆନ୍ତର୍ଜାତିକ ସମ୍ମିଳନୀ ଆୟୋଜିତ ହେବ। କଳିଙ୍ଗ ଓ ଦକ୍ଷିଣପୂର୍ବ ଏସୀୟ ରାଷ୍ଟ୍ରର ସଭ୍ୟତାଗତ ସଂଯୋଗ ଶୀର୍ଷକ ଉପରେ ଏହି ସମ୍ମିଳନୀରେ ଆଲୋଚନା କରାଯିବ। ସମ୍ମିଳନୀରେ ଓଡ଼ିଶା, ଭାରତ ଏବଂ ଦକ୍ଷିଣପୂର୍ବ ଏସିଆର ବିଭିନ୍ନ ରାଷ୍ଟ୍ରର ଶିକ୍ଷାବିତ୍, ଗବେଷକ, ସାହିତ୍ୟିକ ପ୍ରମୁଖ ଯୋଗଦେବେ।  ଓଡ଼ିଶାର ସମୃଦ୍ଧ ନୌବାଣିଜ୍ୟ ପରମ୍ପରା ସମ୍ବନ୍ଧରେ ଜନସାଧାରଣ ବିଶେଷକରି ଯୁବପିଢ଼ିଙ୍କୁ ଅବଗତ କରାଇବା ନିମନ୍ତେ ସମ୍ମିଳନୀରେ ସ୍ୱତନ୍ତ୍ର ଅଧିବେଶନର ଆୟୋଜନ କରାଯାଇଛି।

## କଇଁଛ ଦିବସ

କଇଁଛମାନଙ୍କର ସୁରକ୍ଷା ଦିଗରେ ଲୋକମାନଙ୍କ ମଧ୍ୟରେ ସଚେତନ ସୃଷ୍ଟି ପାଇଁ ୨୦୦୦ ମସିହାରୁ ଆଜିର ଦିନକୁ ବିଶ୍ୱ କଇଁଛ ଦିବସ ଭାବେ ପାଳନ କରାଯାଉଛି । ଏକ ଗଣନାରୁ ଜଣାପଡ଼ିଛି ପୃଥିବୀରେ ପ୍ରାୟ ୩୦୦ ପ୍ରଜାତିର କଇଁଛ  ମଧ୍ୟରୁ ବର୍ତ୍ତମାନ ପ୍ରାୟ ୧୨୯ଟି ପ୍ରଜାତି କଇଁଛ ବିଲୁପ୍ତ ହୋଇସାରିଲେଣି । କଇଁଛମାନେ ପ୍ରାୟ ୧୫୦ ବର୍ଷରୁ ୩୦୦ ବର୍ଷ ପର୍ଯ୍ୟନ୍ତ ବଞ୍ଚିଥାନ୍ତି ବୋଲି ପ୍ରାଣୀ ବିଶେଷଜ୍ଞମାନେ ମତ ଦେଇଛନ୍ତି । ରାଜ୍ୟର କେନ୍ଦ୍ରାପଡା ଜିଲ୍ଲାରେ ଅଲିଭ ରିଡ୍‌ଲେ ପ୍ରଜାତିର ବିରଳ କଇଁଛ ଦେଖିବାକୁ ମିଳିଥାନ୍ତି । ଗହୀରମଥା, ଦେବୀ ଓ ଋଷିକୂଲ୍ୟା ମୁହାଁଣକୁ ଅଲିଭରିଡ୍‌ଲେଙ୍କ ପ୍ରଜନନ ସ୍ଥଳୀଭାବେ ବିବେଚନା କରାଯାଇଛି । ଏଥିପାଇଁ ବନବିଭାଗ ପକ୍ଷରୁ ସ୍ୱତନ୍ତ୍ର ସୁରକ୍ଷା ଓ ସଂରକ୍ଷଣ ଯୋଗାଇ ଦିଆଯାଉଛି ।

## ଧନୁଯାତ୍ରା ବୈଠକ

**ବରଗଡ଼** ଜିଲ୍ଲାପାଳଙ୍କ ସମ୍ମିଳନୀ କକ୍ଷରେ ଜିଲ୍ଲାର ଧନୁଯାତ୍ରା ମହୋତ୍ସବର ସାଧାରଣ ଓ କାର୍ଯ୍ୟନିର୍ବାହୀ କମିଟିର ବୈଠକ ଅନୁଷ୍ଠିତ ହୋଇଯାଇଛି। କାର୍ଯ୍ୟକ୍ରମରେ ଧନୁଯାତ୍ରା ମହୋତ୍ସବ-୨୦୨୫ର ସଫଳତା ଏବଂ ଆୟବ୍ୟୟ ଉପରେ ବିସ୍ତୃତ ଆଲୋଚନା କରାଯାଇଛି। ଏହି ଅବସରରେ ଧନୁଯାତ୍ରା ଉପରେ ନିର୍ମିତ ପ୍ରାମାଣିକ ଚଳଚ୍ଚିତ୍ର ଏବଂ ଏକ କଫିଟେବୁଲ୍ ବୁକ୍‌ର ଉନ୍ମୋଚନ କରାଯାଇଛି। ଏହି ଦୁଇଟି ସୃଜନାତ୍ମକ ପ୍ରସ୍ତୁତି ଜିଲ୍ଲା ଧନୁଯାତ୍ରା ମହୋତ୍ସବର ଐତିହ୍ୟ, ସାଂସ୍କୃତିକ ବୈଭବକୁ ଦେଶ ଓ ବିଦେଶରେ ପ୍ରଚାର-ପ୍ରସାର କରିବାରେ ସହାୟକ ହେବ ବୋଲି ବୈଠକରେ ଉପସ୍ଥିତ ଅତିଥିମାନେ ମତବ୍ୟକ୍ତ କରିଥିଲେ।

## ପରାକ୍ରମ ଶୋଭାଯାତ୍ରା

**କେନ୍ଦୁଝର** ଜିଲ୍ଲା ସଦର ମହକୁମାରେ ଅପରେସନ୍ ସିନ୍ଦୂରର ସଫଳତାକୁ ନେଇ ପରାକ୍ରମ ଶୋଭାଯାତ୍ରା ଅନୁଷ୍ଠିତ ହୋଇଯାଇଛି। ସହରର କାଳୀପଡିଆଠାରୁ ଆରମ୍ଭ ହୋଇଥିବା ଏହି ଶୋଭାଯାତ୍ରାରେ ତେଲକୋଇ ବିଧାୟକ ଫକୀର ମୋହନ ନାୟକ, ସ୍ୱେଚ୍ଛାସେବୀଙ୍କ ସମେତ ଜନସାଧାରଣ ଯୋଗଦେଇଥିଲେ।

## ସମୀକ୍ଷା ବୈଠକ

**ଗଞ୍ଜାମ** ଜିଲ୍ଲା ଛତ୍ରପୁର ସ୍ଥିତ ଜିଲ୍ଲା ପରିଷଦ ସମ୍ମିଳନୀ କକ୍ଷରେ ଆଜି ଦକ୍ଷିଣାଞ୍ଚଳ ଓ ପଶ୍ଚିମାଞ୍ଚଳ ସଡ଼କ ପରିବହନ ଅଧିକାରୀମାନଙ୍କର କାର୍ଯ୍ୟଦକ୍ଷତାକୁ ନେଇ ଏକ ସମୀକ୍ଷା ବୈଠକ ଅନୁଷ୍ଠିତ ହୋଇଯାଇଛି। ପରିବହନ କମିଶନର ଅମିତାଭ ଠାକୁର ସମ୍ମିଳନୀରେ ଯୋଗଦେଇ ଗାଡ଼ି ପଞ୍ଜୀକରଣ ଓ ରାଜସ୍ୱ ଆଦାୟ ଉପରେ ଗୁରୁତ୍ୱାରୋପ କରିଥିଲେ। ଏହାଛଡା ସଡକ ଓ ପରିବହନ ଅଧିକାରୀମାନେ ସେମାନଙ୍କର କାର୍ଯ୍ୟଶୈଳୀକୁ ନେଇ ଅଧିକ ଗୁରୁତ୍ୱ ଦେବା ସହିତ ଗାଡି ଚେକିଂ ଏବଂ ଟ୍ୟାକ୍ସ ସଂଗ୍ରହ ଏବଂ ଆରଟିଓମାନଙ୍କର ନିୟମିତ ସମୀକ୍ଷା ବୈଠକ କରିବାକୁ ପରାମର୍ଶ ଦେଇଥିଲେ।

## ସମୀକ୍ଷା ବୈଠକ

ଓଡ଼ିଶା ରାଜ୍ୟ  ଖାଦ୍ୟ କମିଶନ ଅଧ୍ୟକ୍ଷ ଅବନୀକାନ୍ତ ସାହୁ ନୂଆପଡା ଜିଲ୍ଲା ଗସ୍ତରେ ଯାଇ ସମୀକ୍ଷା ବୈଠକ କରିଛନ୍ତି। ବୈଠକରେ ଜିଲ୍ଲାପାଳ ମଧୁସୂଦନ ଦାସ ଖାଦ୍ୟ ବଣ୍ଟନ ପ୍ରକ୍ରିୟାରେ ଜିଲ୍ଲାର ସ୍ଥିତି ସମ୍ପର୍କରେ କମିଶନଙ୍କୁ ଅବଗତ କରାଇଥିଲେ। ନୂଆପଡା ଜିଲ୍ଲାର ୧୩୧ଟି ଗ୍ରାମ ପଞ୍ଚାୟତରେ ୧୪୧ଟି ଖାଉଟି ସାମଗ୍ରୀ ଯୋଗାଣ କେନ୍ଦ୍ର ରହିଛି। ୧୧୩ଟି

କେନ୍ଦ୍ର ପଂଚାୟତ ଦ୍ୱାରା ଏବଂ ୨୮ଟି ସ୍ୱୟଂସହାୟକ ଗୋଷ୍ଠୀଙ୍କ ଦ୍ୱାରା ପରିଚାଳିତ ହେଉଛି । ଜିଲ୍ଲାରେ ୧ ଲକ୍ଷ ୭୮ ହଜାର ୩୮୮ଟି ପରିବାରର ୫ ଲକ୍ଷ ୬୦ ହଜାର ୨୪ ଜଣଙ୍କୁ ଖାଦ୍ୟ ସୁରକ୍ଷା ଯୋଜନାରେ ସାମିଲ କରାଯାଇଛି ବୋଲି ବୈଠକରେ ଜିଲ୍ଲା ଯୋଗାଣ ଅଧିକାରୀ ପ୍ରଦ୍ୟୁମ୍ନ କୁମାର ରାଉତରାୟ ସୂଚନା ଦେଇଛନ୍ତି ।

## ପ୍ରାକୃତିକ ବିପର୍ଯ୍ୟୟ ବୈଠକ

**ବରଗଡ଼** ଜିଲ୍ଲାପାଳଙ୍କ ସମ୍ମିଳନୀକକ୍ଷରେ ଜିଲ୍ଲାପାଳ ଆଦିତ୍ୟ ଗୋଏଲଙ୍କ ଅଧ୍ୟକ୍ଷତାରେ ଜିଲ୍ଲାସ୍ତରୀୟ ପ୍ରାକୃତିକ ବିପର୍ଯ୍ୟୟ କମିଟି ବୈଠକ ଅନୁଷ୍ଠିତ ହୋଇଯାଇଛି । ବୈଠକରେ ଆଗାମୀ ବର୍ଷାଋତୁରେ ବନ୍ୟା ବାତ୍ୟା ଭଳି ଜରୁରୀକାଳିନ ପରିସ୍ଥିତିର ମୁକାବିଲା ସହ ଶୂନ୍ୟମୃତ୍ୟୁ ସୁନିଶ୍ଚିତ କରିବା ପାଇଁ ବୈଠକରେ ଆଲୋଚନା କରାଯାଇଛି । ଜିଲ୍ଲାର ବନ୍ୟାପ୍ରବଣ ଅଞ୍ଚଳ ଏବଂ ଥଇଥାନ ଆଶ୍ରୟସ୍ଥଳିଗୁଡ଼ିକୁ ଚିହ୍ନଟ କରି ସମସ୍ତ ବନ୍ଦୋବସ୍ତ କରିବା ପାଇଁ ଜିଲ୍ଲାପାଳ ବିଭାଗୀୟ ଅଧିକାରୀମାନଙ୍କୁ ନିର୍ଦ୍ଦେଶ ଦେଇଛନ୍ତି ।

## ସ୍ୱାସ୍ଥ୍ୟ ସଚେତନତା ବୈଠକ

**ବୌଦ୍ଧ** ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ସଦ୍‌ଭାବନା ସଭାଗୃହରେ ଜିଲ୍ଲାପାଳ ସୁବ୍ରତ କୁମାର ପଣ୍ଡାଙ୍କ ଅଧ୍ୟକ୍ଷତାରେ ଜିଲ୍ଲାସ୍ତରୀୟ ସ୍ୱାସ୍ଥ୍ୟ ସଚେତନତା ବୈଠକ ଅନୁଷ୍ଠିତ ହୋଇଯାଇଛି । ଦେଶର ବିଭିନ୍ନ ସ୍ଥାନରେ ଚିହ୍ନଟ ହେଉଥିବା ମହାମାରୀରୁ ଜନସାଧାରଣଙ୍କୁ ସୁରକ୍ଷିତ ରଖିବା ପାଇଁ ବୈଠକରେ ଆଲୋଚନା କରାଯାଇଥିଲା ।

## ବରିଷ୍ଠ ନାଗରିକ ସମ୍ମିଳନୀ

**ପୁରୀ** ଜିଲ୍ଲାସ୍ତରୀୟ ବରିଷ୍ଠ ନାଗରିକ ସମ୍ମିଳନୀ ୟୁଥ୍ ହଷ୍ଟେଲ୍‌ଠାରେ ଅନୁଷ୍ଠିତ ହୋଇଯାଇଛି। ସମ୍ମିଳନୀରେ ବରିଷ୍ଠ ନାଗରିକମାନଙ୍କ ବିଭିନ୍ନ ସମସ୍ୟାର ସମାଧାନ ଦିଗରେ ଆଲୋଚନା ହୋଇଥିଲା। ବୈଠକରେ ନବନିର୍ବାଚିତ ଜିଲ୍ଲାସ୍ତରୀୟ ବରିଷ୍ଠ କମିଟି ସଦସ୍ୟମାନଙ୍କୁ ସ୍ୱାଗତ କରାଯାଇଥିଲା।

## ଛାତ୍ରଛାତ୍ରୀ ସମ୍ବର୍ଦ୍ଧିତ

**ମାଲକାନଗିରି** ମହାବିଦ୍ୟାଳୟର ଯୁକ୍ତଦୁଇ କଳା ଓ ବାଣିଜ୍ୟ ବାର୍ଷିକ ପରୀକ୍ଷା ୨୦୨୫ରେ ସର୍ବୋଚ୍ଚ ନମ୍ବର ରଖିଥିବା ଛାତ୍ରଛାତ୍ରୀଙ୍କୁ ଆଜି ସମ୍ବର୍ଦ୍ଧିତ କରାଯାଇଛି। ମହାବିଦ୍ୟାଳୟ ପରିସରରେ ଆୟୋଜିତ କାର୍ଯ୍ୟକ୍ରମରେ ଅତିଥିମାନେ କୃତୀ ଛାତ୍ରଛାତ୍ରୀମାନଙ୍କ ଉଜ୍ଜ୍ୱଳ ଭବିଷ୍ୟତ କାମନା କରିଥିଲେ।

# ପାଣିପାଗ

ରାଜ୍ୟର କେତେକ ସ୍ଥାନରେ କାଳବୈଶାଖୀ ଜନିତ ବର୍ଷା ହୋଇଯାଇଛି । ଭୁବନେଶ୍ୱର ଆଞ୍ଚଳିକ ପାଣିପାଗ ବିଜ୍ଞାନ କେନ୍ଦ୍ରର ସୂଚନା ଅନୁସାରେ ପଶ୍ଚିମ କେନ୍ଦ୍ରୀୟ ଏବଂ ତା'ର ପାର୍ଶ୍ୱବର୍ତ୍ତୀ ଉତ୍ତର ବଙ୍ଗୋପସାଗରରେ ଆସନ୍ତା ୨୭ ତାରିଖ ସୁଦ୍ଧା ଏକ ଲଘୁଚାପ କ୍ଷେତ୍ର ସୃଷ୍ଟିହେବାର ସମ୍ଭାବନା ରହିଛି । ଏହାର ପ୍ରଭାବରେ ରାଜ୍ୟରେ ଆସନ୍ତା ୫ ଦିନ ପର୍ଯ୍ୟନ୍ତ ବର୍ଷା ହେବାର ସମ୍ଭାବନା ରହିଛି । ଆସନ୍ତା ୨୪ ଘଣ୍ଟା ମଧ୍ୟରେ ଘଡ଼ଘଡ଼ି ସହ ବର୍ଷା ହେବା ନେଇ ପାଣିପାଗ କେନ୍ଦ୍ର ପକ୍ଷରୁ ୧୩ଟି ଜିଲ୍ଲାକୁ ସତର୍କ ସୂଚନା ଜାରି କରାଯାଇଛି ।

**-V/O-***(Sarat Sahoo)*